ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୩ ଜଣ କରୋନା ପଜିଟିଭ ଚିହ୍ନଟ

ପଜିଟିଭ ସଂଖ୍ୟା ୪୪୨୬୫ରେ ପହଞ୍ଚିଲା - ସୁସ୍ଥ ହେଲେ ୫ଜଣ ।

ଅନୁଗୋଳ, ତା.୧୯.୦୯:- ଆଜି ଅନୁଗୋଳ ଜିଲ୍ଲାରେ ୧୩ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୨ଜଣ (୨ ଜଣ ପୁରୁଷ ), ବଣ୍ଟାଁରପାଳ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ୧ ଜଣ ( ୧ଜଣ ପୁରୁଷ ) ଓ କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୮୫ ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୭ ଲକ୍ଷ ୧୧ହଜାର ୧୬୬ ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୫୯୫ ତା. ୧୯.୦୯.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ